# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
**25 July - 2024**

**News Editor : *Itishree Singh Rathaur***

**********************************

# ବିଧାନସଭା ବଜେଟ୍

୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ଆଜି ରାଜ୍ୟ ବିଧାନସଭାରେ ପୂର୍ଣ୍ଣାଙ୍ଗ ବଜେଟ୍ ଉପସ୍ଥାପନ କରାଯିବ । ଅର୍ଥ ବିଭାଗ ଦାୟିତ୍ୱରେ ଥିବା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ବଜେଟ୍ ଉପସ୍ଥାପନ କରିବେ ବୋଲି ଜଣାପଡିଛି । ରାଜ୍ୟରେ କ୍ଷମତାକୁ ଆସିବା ପରେ ବିଜେପି ସରକାରର ଏହା ପ୍ରଥମ ବଜେଟ୍ ହେବ । ଚଳିତବର୍ଷ ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ଗତ ଫେବୃୟାରୀ ୮ରେ ପୂର୍ବ ସରକାର ଏକଲକ୍ଷ ୧୮ହଜାର କୋଟି ଟଙ୍କାର ମଧ୍ୟବର୍ତ୍ତୀକାଳୀନ ବଜେଟ୍ ଉପସ୍ଥାପନ କରିଥିଲେ । ଗତକାଲି ରାଜ୍ୟ ସରକାର ୨୦୨୩-୨୪ ଆର୍ଥିକ ବର୍ଷର ଅର୍ଥନୈତିକ ସର୍ଭେ ରିପୋର୍ଟ ପ୍ରକାଶ କରିଥିଲେ ।

# ବିଧାନସଭା

ସପ୍ତଦଶ ବିଧାନସଭାର ପ୍ରଥମ ଅଧିବେଶନରେ ରାଜ୍ୟପାଳ ରଘୁବର ଦାସଙ୍କ ଅଭିଭାଷଣ ସମ୍ପର୍କିତ ଧନ୍ୟବାଦ ପ୍ରସ୍ତାବ ଉପରେ ଆଲୋଚନା କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି କହିଛନ୍ତି ଓଡ଼ିଆ ଅସ୍ମିତା, ବିକାଶ ଓ

ସୁଶାସନର ପ୍ରତିଷ୍ଠା ଦିଗରେ ନୂଆ ସରକାର ପ୍ରତିବଦ୍ଧତାର ସହ ଉଦ୍ୟମ ଆରମ୍ଭ କରିଛି । ଆସନ୍ତା ୨୦୩୬ ମସିହାରେ ରାଜ୍ୟ ସ୍ୱତନ୍ତ୍ର ପ୍ରଦେଶ ଗଠନର ଶତବାର୍ଷିକୀ ପାଳନ କରିବ । ଏହି ସମୟରେ ଏକ ଉଜ୍ଜ୍ୱଳମୟ ଭବିଷ୍ୟତ ଗଠନର ଲକ୍ଷ୍ୟ ପୂରଣ ପାଇଁ ଆଗାମୀ ୫ ବର୍ଷ ଖୁବ୍ ଗୁରୁତ୍ୱପୂର୍ଣ୍ଣ । ମୁଖ୍ୟମନ୍ତ୍ରୀ କହିଛନ୍ତି ରାଜ୍ୟର ସବୁ ବର୍ଗର ଜନସାଧାରଣଙ୍କ ଉନ୍ନତି ଲକ୍ଷ୍ୟ ରଖାଯାଇଛି, ବିଶେଷକରି ଅନ୍ନଦାତା, କୃଷକମାନଙ୍କ ଆର୍ଥିକ ବିକାଶକୁ ପ୍ରାଥମିକତା ଦିଆଯାଉଛି । ସେମାନଙ୍କ ଉନ୍ନତି ପାଇଁ ସମୃଦ୍ଧ କୃଷକ ନୀତି ପ୍ରଚଳନ କରାଯିବା ସହ ଧାନର ଏମ୍ଏସ୍ପି କ୍ୱିଣ୍ଟାଲ ପିଛା ୩୧ଶହ ଟଙ୍କା ପ୍ରଦାନ ପାଇଁ ନିଷ୍ପତ୍ତି ହୋଇଛି । ସେହିଭଳି ମହିଳାଙ୍କ ବିକାଶ ପାଇଁ ସୁଭଦ୍ରା ଯୋଜନାରେ ୫୦ହଜାର ଟଙ୍କା ଲେଖାଏଁ ପ୍ରଦାନ କରିବାକୁ ନିଷ୍ପତ୍ତି ହୋଇଛି । ରାଜ୍ୟରେ ଜାତୀୟ ଶିକ୍ଷାନୀତି-୨୦୨୦ ଢ଼ାଞ୍ଚାରେ ଏକ ରାଜ୍ୟସ୍ତରୀୟ ଶିକ୍ଷାନୀତି ପ୍ରଣୟନ କରାଯିବ । ଉଚ୍ଚଶିକ୍ଷା ବିଶେଷକରି ଆଇନ୍, ଡାକ୍ତରୀ ଓ ଇଞ୍ଜିନିୟରିଂ ପାଠ୍ୟକ୍ରମକୁ ଓଡ଼ିଆ ଭାଷାରେ ଉପଲବ୍ଧ କରାଇବା ଏହାର ଲକ୍ଷ୍ୟ ହେବ । ଏହାସହିତ ବିଦ୍ୟାଳୟ ଗୁଡ଼ିକରେ କାଉନ୍ସେଲିଂ ସେଣ୍ଟର ପ୍ରତିଷ୍ଠା, ୨୦୩୦ ସୁଦ୍ଧା ସମସ୍ତ ଅଙ୍ଗନବାଡିକୁ ସକ୍ଷମ ଅଙ୍ଗନବାଡିରେ ପରିଣତ କରିବା ଏବଂ ଶିକ୍ଷାର ବିକାଶ ପାଇଁ ଶିକ୍ଷକମାନଙ୍କ ପ୍ରଶିକ୍ଷଣରେ ଉନ୍ନତି ଆଣିବାରେ ବ୍ୟବସ୍ଥା କରାଯିବ । ସରକାରୀ ବିଦ୍ୟାଳୟରେ ଆର୍ଟିଫେସିଆଲ ଇଣ୍ଟେଲିଜେନ୍ସ ପ୍ଲାଟଫର୍ମ ସୃଷ୍ଟି କରାଯିବ । ମୁଖ୍ୟମନ୍ତ୍ରୀ କହିଛନ୍ତି ଖାଲିପଡିଥିବା ପଦବୀ ପୂରଣ ଉପରେ ପ୍ରାଥମିକତା ଦିଆଯାଇ ଦେଢ଼ଲକ୍ଷ

ପଦବୀ ପୂରଣ କରାଯିବ । ରାଜ୍ୟବାସୀଙ୍କୁ ଉତ୍ତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାପାଇଁ ଆୟୁଷ୍ମାନ ଭାରତ ଯୋଜନା କାର୍ଯ୍ୟକାରୀ ହେବ । ରାଜ୍ୟରେ ୩ହଜାର ନୂଆ ଡାକ୍ତର ନିଯୁକ୍ତ ହେବେ ।

# ଧର୍ମେନ୍ଦ୍ର ପ୍ରଧାନ-ଧନ୍ୟବାଦ ଜ୍ଞାପନ

ରାଜ୍ୟରେ କୋଷ୍ଟାଲ ହାଇୱେ ଏବଂ କ୍ୟାପିଟାଲ ରିଜିଅନ, ରିଙ୍ଗ ରୋଡ଼ ପ୍ରମୁଖ ୨ଟି ଜାତୀୟ ରାଜପଥ ପ୍ରକଳ୍ପ କାର୍ଯ୍ୟକୁ ତ୍ୱରାନ୍ୱିତ କରାଯାଇଥିବାରୁ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ' ପ୍ରଧାନମନ୍ତ୍ରୀ ଓ କେନ୍ଦ୍ର ସଡ଼କ ପରିବହନ ମନ୍ତ୍ରୀଙ୍କୁ ଧନ୍ୟବାଦ ଜ୍ଞାପନ କରିଛନ୍ତି । ସେ ସାମାଜିକ ଗଣମାଧମରେ ଲେଖିଛନ୍ତି ଭାରତମାଳା ପରିଯୋଜନାରେ ପ୍ରସ୍ତାବିତ ଏହି ରାଜପଥ ରାମେଶ୍ୱରରୁ ରତନପୁର, ରତନପୁରରୁ ଦୀଘା ଏବଂ ଜାମୁଝରିରୁ ଧାମରା ପର୍ଯ୍ୟନ୍ତ ନିର୍ମାଣ ହେବ । ଏଥିପାଇଁ ଡିପିଆର୍ ସହ ଆନୁଷଙ୍ଗିକ ମଞ୍ଜୁରୀ ପ୍ରାୟ ସମ୍ପୂର୍ଣ୍ଣ ହେବା ସ୍ଥିତିରେ ଅଛି ବୋଲି ଶ୍ରୀ ପ୍ରଧାନ ଟ୍ୱିଟ୍ କରିଛନ୍ତି । ସେହିଭଳି ରାଜ୍ୟରେ ୬ହଜାର ୯୨ କୋଟି ଟଙ୍କା ବ୍ୟୟରେ ରିଙ୍ଗ ରୋଡ଼ ପ୍ରକଳ୍ପ କାର୍ଯ୍ୟ ମଧ୍ୟ ଆଗକୁ ବଢ଼ିଛି । ଖୋର୍ଦ୍ଧା-ଭୁବନେଶ୍ୱର ଏବଂ କଟକକୁ ସଂଯୋଗ କରୁଥିବା ପ୍ରସ୍ତାବିତ ୬ ଲେନ୍ ବିଶିଷ୍ଟ ଏହି ରିଙ୍ଗ ରୋଡ଼ ପ୍ରକଳ୍ପ ଓଡ଼ିଶାରେ ଯୋଗାଯୋଗ କ୍ଷେତ୍ରରେ ମାଇଲଖୁଣ୍ଟ ସାବ୍ୟସ୍ତ ହେବ ବୋଲି ଶ୍ରୀ ପ୍ରଧାନ ଉଲ୍ଲେଖ କରିଛନ୍ତି ।

# ବାୟୁର ଗୁଣବତ୍ତା ସ୍ଥିତି

ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଗତକାଲି ଭୁବନେଶ୍ୱର ଲୋକସେବା ଭବନରେ ସ୍ୱଚ୍ଛ ବାୟୁ କାର୍ଯ୍ୟକ୍ରମ ଓ ବାୟୁ ଗୁଣବତ୍ତା ସ୍ଥିତି ସମ୍ପର୍କିତ ରାଜ୍ୟସ୍ତରୀୟ ପରିଚାଳନା କମିଟି ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ବିଭିନ୍ନ ସହରର ବାୟୁର ଗୁଣବତ୍ତା ସ୍ଥିତି ସମ୍ପର୍କରେ ଅନୁଧ୍ୟାନ କରାଯାଇଥିଲା । ଏହାସହ ଆଗାମୀ ୨ ବର୍ଷ ମଧ୍ୟରେ ସ୍ୱଚ୍ଛ ବାୟୁ କାର୍ଯ୍ୟକ୍ରମରେ ତଦାରଖ ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରାଯିବା ନେଇ ଆଲୋଚନା ହୋଇଥିଲା । ମୁଖ୍ୟ ଶାସନ ସଚିବ ବିଭିନ୍ନ ସହରରେ ବାୟୁର ଗୁଣବତ୍ତା ସ୍ଥିତିର ଠିକ୍ ଅଧ୍ୟୟନ ଉପରେ ଗୁରୁତ୍ୱାରୋପ କରିଥିଲେ ।

# ମୁଖ୍ୟମନ୍ତ୍ରୀ-ସହାୟତା

କଟକ ଜିଲ୍ଲା ଚୌଦ୍ୱାର ଅନ୍ତର୍ଗତ ମଙ୍ଗରାଜପୁର ଡମଣୀ ଡ୍ୟାମ୍‌ରେ ବୁଡ଼ି ୨ଜଣ କଲେଜ ଛାତ୍ରଙ୍କ ମୃତ୍ୟୁ ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଦୁଃଖ ପ୍ରକାଶ କରିଛନ୍ତି । ଉଭୟ ଛାତ୍ରଙ୍କ ପରିବାର ବର୍ଗଙ୍କୁ ମୁଖ୍ୟମନ୍ତ୍ରୀ ୪ଲକ୍ଷ ଟଙ୍କା ଲେଖାଏଁ ସହାୟତା ଘୋଷଣା କରିଛନ୍ତି ।

# କ୍ଷେପଣାସ୍ତ୍ରର ପରୀକ୍ଷଣ

ବାଲେଶ୍ୱର ଚାନ୍ଦିପୁରସ୍ଥିତ ଆଇଟିଆର୍ ଓ ଏପିଜେ ଅବଦୁଲ କଲାମ ଦ୍ୱୀପରୁ ସ୍ୱଦେଶୀ ଜ୍ଞାନକୌଶଳରେ ବିକଶିତ ଦ୍ୱିତୀୟ ପର୍ଯ୍ୟାୟ ବାଲାଷ୍ଟିକ୍ ମିଶାଇଲ ଡିଫେନ୍ସ ଇଣ୍ଟରସେପ୍ଟର କ୍ଷେପଣାସ୍ତ୍ରର ଗତକାଲି ସଫଳ ପରୀକ୍ଷଣ ହୋଇଛି । ଡିଆର୍‌ଡିଓ ଦ୍ୱାରା ବିକଶିତ ଏହି ଇଣ୍ଟରସେପ୍ଟର କ୍ଷେପଣାସ୍ତ୍ର ଭୂପୃଷ୍ଠ, ସମୁଦ୍ର ତଥା ଆକାଶମାର୍ଗରେ ନିୟୋଜିତ କରାଯାଇପାରିବ ।

# ଓଟିଇଟି

ଓଡ଼ିଶା ଶିକ୍ଷକ ଯୋଗ୍ୟତା ପରୀକ୍ଷା ଓଟିଇଟି ୨୦୨୩ ଅଗଷ୍ଟ ୧୭ ତାରିଖରେ ଅନୁଷ୍ଠିତ ହେବ । ପୂର୍ବରୁ ଏହି ପରୀକ୍ଷା ଅଗଷ୍ଟ ୯ ତାରିଖରେ ହେବାକୁ ଥିଲା । ଦୁଇଟି ସିଟିଂରେ ହେବାକୁ ଥିବା ଏହି ପରୀକ୍ଷାରେ ଏକଲକ୍ଷ ୨୫ହଜାରରୁ ଅଧିକ ପରୀକ୍ଷାର୍ଥୀ ରାଜ୍ୟର ୪୨୦ଟି ପରୀକ୍ଷା କେନ୍ଦ୍ରରେ ପରୀକ୍ଷା ଦେବେ ।

# ଭିତରକନିକା

କେନ୍ଦ୍ରାପଡ଼ାସ୍ଥିତ ଭିତରକନିକା ଜାତୀୟ ଉଦ୍ୟାନ ପର୍ଯ୍ୟଟକଙ୍କ ପାଇଁ ଆସନ୍ତା ଅଗଷ୍ଟ ପହିଲାରୁ ଖୋଲିବ । ସୂଚନା ଅନୁସାରେ କୁମ୍ଭୀରମାନଙ୍କ ପ୍ରଜନନ ପ୍ରକ୍ରିୟା ପାଇଁ ଗତ ୩ ମାସ ଜାତୀୟ ଉଦ୍ୟାନରେ ପର୍ଯ୍ୟଟକଙ୍କ

ପ୍ରବେଶ ଉପରେ କଟକଣା ଜାରି କରାଯାଇଥିଲା । ଚଳିତବର୍ଷ ପର୍ଯ୍ୟଟକଙ୍କ ପାଇଁ ସ୍କାଏ ୱାକ୍ ବ୍ରିଜ୍ ନିର୍ମାଣ କରାଯାଇଛି ।ଆସନ୍ତା ଅଗଷ୍ଟ ପହିଲାରେ ଏହା ଉଦ୍‌ଘାଟନ ହେବାର କାର୍ଯ୍ୟକ୍ରମ ରହିଛି ।

# ପାଣିପାଗ

ରାଜ୍ୟରେ ମୌସୁମୀର ପ୍ରଭାବରେ ବର୍ଷା ଲାଗି ରହିଛି ।ଆସନ୍ତା ୪ ଦିନ ପର୍ଯ୍ୟନ୍ତ ବର୍ଷା ଜାରି ରହିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଅତିପ୍ରବଳ ବର୍ଷା ହେବା ନେଇ କଟକ, ଜଗତ୍‌ସିଂହପୁର ଓ କେନ୍ଦ୍ରାପଡ଼ା ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି ।ଅପରପକ୍ଷରେ ରାଜ୍ୟରେ ନିଅଣ୍ଟିଆ ବର୍ଷା ସ୍ଥିତି ଜାରିରହିଛି । ଜୁନ୍ ପହିଲାରୁ ଗତକାଲି ପର୍ଯ୍ୟନ୍ତ ରାଜ୍ୟରେ ୪୧୦ ମିଲିମିଟର ବର୍ଷା ହୋଇଛି ।ଏହା ସ୍ୱାଭାବିକ ବର୍ଷା ଠାରୁ ୧୨ ପ୍ରତିଶତ କମ୍ ବୋଲି ଜଣାପଡିଛି ।